❖ ମାତୃଭାଷା ❖

କଟକ, ତା୦୧।୦୬।୨୦୧୯ ରିଖ, ଶନିବାର

# ଆଇସିଏଆଇର ନୂତନ କର୍ମକର୍ତ୍ତା ନିର୍ବାଚିତ



ଭୁବନେଶ୍ୱର: ଦି ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କଷ୍ଟ ଆକାଉଣ୍ଟାଟ୍‌ସ୍ ଅଫ୍ ଇଣ୍ଡିଆ (ଆଇସିଏଆଇ) ଭୁବନେଶ୍ୱର ଗ୍ରୁପ୍‌ରର ୨୦୧୯-୨୩ ବର୍ଷ ପାଇଁ ନୂତନ ପରିଚାଳନା କର୍ମକର୍ତ୍ତା ନିର୍ବାଚନ ଶୃଙ୍ଖଳାର ସହିତ ସମାପନ ହୋଇଯାଇଅଛି। ଉକ୍ତ ନିର୍ବାଚନରେ ସମୁଦାୟ ୩୫୭ ଜଣ ସି.ଏମ୍.ଏ ସଦସ୍ୟମାନେ ସେମାନଙ୍କର ମତଦାନ ସାବ୍ୟସ୍ତ କରିଥିଲେ। ନିର୍ବାଚନ ସମାପନ ପରେ ନବ ନିର୍ବାଚିତ ପରିଚାଳନା କର୍ମକର୍ତ୍ତାମାନେ ପ୍ରଥମ ବୈଠକରେ ଅଧ୍ୟକ୍ଷ ଭାବେ ସିଏମ୍‌ଏ ଶକ୍ତିଧର ସିଂହ, ଉପାଧ୍ୟକ୍ଷ ଭାବେ ସିଏମ୍‌ଏ ତାପସ ରଞ୍ଜନ ସାଇଁ, ସମ୍ପାଦକ ଭାବେ ସିଏମ୍‌ଏ ହିମୋଜ ମିଶ୍ର, କୋଷାଧ୍ୟକ୍ଷ ଭାବେ ସିଏମ୍‌ଏ ପ୍ରଣବ କୁମାର ବେହେରାଙ୍କୁ ଚୟନ କରିଅଛନ୍ତି। ଅନ୍ୟ ନୂତନ ନିର୍ବାଚିତ କର୍ମକର୍ତ୍ତାମାନେ ହେଲେ ସିଏମ୍‌ଏ ଶାନ୍ତନୁ କୁମାର ରାଉତ, ସିଏମ୍‌ଏ ଆଶୁତୋଷ ଦେବତା, ସିଏମ୍‌ଏ ମୃକେଶ ଚୌବେ, ସିଏମ୍‌ଏ ଅଜୟ କୁମାର ସାମଲ, ଓ ସିଏମ୍‌ଏ ସୂର୍ଯ୍ୟ ନାରାୟଣ ତ୍ରିପାଠୀ। ଗ୍ରୁପ୍‌ରର ପୂର୍ବତନ ଅଧ୍ୟକ୍ଷ, କେନ୍ଦ୍ରୀୟ ସଭ୍ୟ ଓ ନବ ନିର୍ବାଚିତ କର୍ମକର୍ତ୍ତାଙ୍କ ଉପସ୍ଥିତିରେ ୨୦୧୯-୨୦ ବର୍ଷ ପାଇଁ ଚୟନ କରାଯାଇଥିବା ଅଧ୍ୟକ୍ଷ ସିଏମ୍‌ଏ ଶକ୍ତିଧର ସିଂହଙ୍କୁ ଦାୟିତ୍ୱ ହସ୍ତାନ୍ତର କରାଯାଇଥିଲା।

Scanned by CamScanner